# ଗ୍ରାମୀଣ କୃଷି ମୌସମ ସେବା
# ଭାରତ ପାଣିପାଗ ବିଭାଗ
# ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
# ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା - ୬୭ (ଓଡ଼ିଆ ବୁଲେଟିନ୍) | ସପ୍ତାହ - ୩୪ | ତାରିଖ: ୨୨.୦୮.୨୦୨୫

## ଜିଲ୍ଲା – ସୋନପୁର

### ପର୍ଯ୍ୟବେକ୍ଷଣ କେନ୍ଦ୍ରରେ ୧୬.୦୮.୨୦୨୫ ରୁ ୨୨.୦୮.୨୦୨୫ ମଧ୍ୟରେ ରେକର୍ଡ କରାଯାଇଥିବା ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଏବଂ ଜିଲ୍ଲାର ହାରାହାରି ବର୍ଷାପାତ

| | ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେ.) | | | | | | | ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେ.) | | | | | | | ବୃଷ୍ଟିପାତ (ମିଲି ମିଟର) | | | | | | |
|---|---|---|---|---|---|---|---|---|---|---|---|---|---|---|---|---|---|---|---|---|---|
| ତାରିଖ | ୧୬ | ୧୭ | ୧୮ | ୧୯ | ୨୦ | ୨୧ | ୨୨ | ୧୬ | ୧୭ | ୧୮ | ୧୯ | ୨୦ | ୨୧ | ୨୨ | ୧୬ | ୧୭ | ୧୮ | ୧୯ | ୨୦ | ୨୧ | ୨୨ |
| ସୋନପୁର | 34 | 34 | 34 | 30 | 29 | 31 | 30 | 26 | 26 | 26 | 25 | 26 | 25 | 24 | 0.3 | 0.7 | 2.6 | 4.6 | 14.4 | 0.6 | 24.0 |

### ଆସନ୍ତା ପାଞ୍ଚ ଦିନର ପାଣିପାଗ ପୂର୍ବାନୁମାନ

| ପାଣିପାଗ କାରକ | ୨୩-୦୮-୨୦୨୫ | ୨୪-୦୮-୨୦୨୫ | ୨୫-୦୮-୨୦୨୫ | ୨୬-୦୮-୨୦୨୫ | ୨୭-୦୮-୨୦୨୫ |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 15 | 12 | 9 | 8 | 8 |
| ସର୍ବାଧିକ ତାପମାତ୍ରା (° ସେଣ୍ଟିଗ୍ରେଡ) | 28 | 30 | 32 | 32 | 33 |
| ସର୍ବନିମ୍ନ ତାପମାତ୍ରା (° ସେଣ୍ଟିଗ୍ରେଡ) | 24 | 24 | 25 | 25 | 26 |
| ମେଘ ଆବରଣ (ଓକଟା) | 6 | 6 | 5 | 5 | 5 |
| ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (ଶତକଡା %) | 91 | 89 | 88 | 90 | 91 |
| ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (ଶତକଡା %) | 69 | 66 | 64 | 70 | 78 |
| ପବନର ବେଗ (କିମି/ଘଣ୍ଟା ପ୍ରତି) | 4 | 10 | 11 | 13 | 11 |
| ପବନର ଦିଗ (ଡିଗ୍ରୀ) | 117 | 214 | 226 | 235 | 234 |

ଅଧିକ ଜାଣିବା ପାଇଁ, ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ୱର, ଟେଲିଫୋନ# ୦୬୭୪-୨୫୯୬୧୧୬ରେ ଯୋଗାଯୋଗ କରନ୍ତୁ

## ପାଣିପାଗ ସାରାଂଶ/ସତର୍କ ସୂଚନା :

ଭାରତ ପାଣିପାଗ ବିଜ୍ଞାନ ବିଭାଗ, ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ୱରର ମଧ୍ୟମ ଅବଧି ପୂର୍ବାନୁମାନ ଅନୁଯାୟୀ, ଆଗାମୀ ସପ୍ତାହରେ ଘଡ଼ଘଡ଼ି ସହ ହାଲୁକା ରୁ ମଧ୍ୟମ ଧରଣର ବର୍ଷା କିମ୍ବା ବଜ୍ରପାତ ହେବାର ସମ୍ଭାବନା ଦେଖାଯାଇପାରେ ଏବଂ ଏହି ସମୟ ଅବଧିରେ ଆକାଶ ସାଧାରଣତଃ ମେଘାଚ୍ଛନ୍ନ ରହିପାରେ । ଆସନ୍ତା ସପ୍ତାହରେ ସର୍ବନିମ୍ନ ତାପମାତ୍ରାରେ କୌଣସି ବିଶେଷ ପରିବର୍ତ୍ତନର ସମ୍ଭାବନା ନାହିଁ କିନ୍ତୁ ସପ୍ତାହର ପ୍ରଥମ କିଛି ଦିନରେ ସର୍ବାଧିକ (ଦିନର) ତାପମାତ୍ରା ପୂର୍ବ ଦିନଗୁଡ଼ିକର ତାପମାତ୍ରା ତୁଳନାରେ ସାମାନ୍ୟ ହ୍ରାସ ପାଇପାରେ । ଆସନ୍ତା ୫ ଦିନ ମଧ୍ୟରେ ଆର୍ଦ୍ରତା ଅଧିକ ରହିବା ସହିତ ୪ ରୁ ୧୩ କି.ମି. ପ୍ରତି ଘଣ୍ଟା ବେଗରେ ଦକ୍ଷିଣ-ପୂର୍ବ ଏବଂ ଦକ୍ଷିଣ-ପଶ୍ଚିମ ଦିଗରୁ ପବନ ବହିବାର ସମ୍ଭାବନା ବନିପାରେ ।

## ସାଧାରଣ ଉପଦେଶ

- ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ୱର ଦ୍ୱାରା ତାରିଖ:-୨୧.୦୮.୨୦୨୫ ଦିନ ଜାରି କରାଯାଇଥିବା ବିସ୍ତାରିତ ପାଣିପାଗ ପୂର୍ବାନୁମାନ ଅନୁଯାୟୀ, ଉଭୟ ସପ୍ତାହ-୧ (୨୨ ରୁ ୨୮ ଅଗଷ୍ଟ, ୨୦୨୫) ଏବଂ ସପ୍ତାହ-୨ (୨୯ ଅଗଷ୍ଟ ରୁ ୦୪ ସେପ୍ଟେମ୍ବର, ୨୦୨୫) ମଧ୍ୟରେ ଓଡ଼ିଶାର ଜିଲ୍ଲାଗୁଡ଼ିକରେ ବ୍ୟାପକ ଭାବରେ ଘଡ଼ଘଡ଼ି ବିଜୁଳି କିମ୍ବା ବଜ୍ରପାତ ସହିତ ହାଲୁକା ରୁ ମଧ୍ୟମ ବର୍ଷା ଓ ଗୋଟେ କିମ୍ବା ଦୁଇଟା ସ୍ଥାନରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଅଛି । ପ୍ରଥମ ସପ୍ତାହରେ ପୂର୍ବ ଭାରତର ସ୍ଥଳଭାଗରେ ଘୂର୍ଣ୍ଣିବାତ୍ୟାର ମଧ୍ୟମ ରୁ ଉଚ୍ଚ ସମ୍ଭାବନା ଥିବାବେଳେ ଦ୍ୱିତୀୟ ସପ୍ତାହରେ ଘୂର୍ଣ୍ଣିବାତ୍ୟାର ହାଲୁକା ରୁ ମଧ୍ୟମ ସମ୍ଭାବନା ରହିଅଛି ।

- ପୂର୍ବ ଦିନର ବର୍ଷା ଓ ଆଗାମୀ ଦିନରେ ହେବାକୁ ଥିବା ବର୍ଷାର ସ୍ଥିତିକୁ ଦୃଷ୍ଟିରେ ରଖି, ଚାଷୀଭାଇମାନଙ୍କୁ କୌଣସି ପ୍ରକାରର ସିଞ୍ଚନ କାର୍ଯ୍ୟ ଏବଂ ଅନ୍ତଃଚାଷ ପାଇଁ କିଛି ଦିନ ଅପେକ୍ଷା କରିବାକୁ ପରାମର୍ଶ ଦିଆଯାଇଅଛି ।
- ଉଭୟ କ୍ଷେତ ଏବଂ ଉଦ୍ୟାନ ଫସଲରେ ଉପଯୁକ୍ତ ଜଳ ନିଷ୍କାସନର ବ୍ୟବସ୍ଥା ସୁନିଶ୍ଚିତ କରନ୍ତୁ ।
- ଚାଷୀଭାଇମାନେ ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ପାଇଁ ମେଘଦୂତ ମୋବାଇଲ ଆପ ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ ଓ ସ୍ଥାନ ନିର୍ଦ୍ଦିଷ୍ଟ ପୂର୍ବାନୁମାନ ଏବଂ ଚେତାବନୀ ପାଇଁ ମୌସମ ଆପ ର ବ୍ୟବହାର କରିପାରିବେ ।

## ସଂକ୍ଷିପ୍ତ ଉପଦେଶ

- ପ୍ରଚଳିତ ବର୍ଷାର ସ୍ଥିତି ଯୋଗୁଁ ଯଦି ଠିଆ ଫସଲରେ ଜଳ ଜମା ହେଲା ପରି ସ୍ଥିତି ଦେଖାଯାଏ, ତେବେ ଚାଷୀଭାଇମାନେ ଖେତରୁ ଅତ୍ୟଧିକ ଜଳର ନିଷ୍କାସନ ପାଇଁ ଉଚିତ ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଇଅଛି ।

## ପାଣିପାଗ ଭିତ୍ତିକ କୃଷି ଏବଂ ପଶୁପାଳନ ଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁ ପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ବର୍ଷା ଦିନିଆ ଧାନ | ପିଲ ଦେବା ଅବସ୍ଥା | • ଧାନ କ୍ଷେତରେ କାଣ୍ଡବିନ୍ଧା ଓ ପତ୍ର ମୋଡା ପୋକର ପ୍ରାଦୁର୍ଭାବର ନିରୀକ୍ଷଣ କରିବା ପାଇଁ ପ୍ରତି ଏକର ପିଛା ୪ ରୁ ୫ ଟି ଫେରୋମୋନ ଫାଶ/ ଯନ୍ତା ବ୍ୟବହାର କରନ୍ତୁ ।<br>• ପୂର୍ବ ଦିନଗୁଡାକରେ ପାଣିପାଗର ଯେଉଁ ସ୍ଥିତି ରହିଥିଲା ତାହା କ୍ଷେତରେ ବିଜାଣୁ ଜନିତ ପତ୍ର ପୋଡ଼ା କିମ୍ବା ପତ୍ରାଗାର ରୋଗର ପ୍ରାଦୁର୍ଭାବ ପାଇଁ ଅନୁକୁଳ ଅଟେ, ତେଣୁ ଏହାର ନିୟମିତ ନିରୀକ୍ଷଣ କରିବାକୁ ପରାମର୍ଶ ଦିଆଯାଇଅଛି ।<br>• ଆଗାମୀ ଦିନରେ କିଛିଟା ସ୍ଥାନରେ ମଧ୍ୟମ ଧରଣର ବର୍ଷା ହେବାର ସମ୍ଭାବନା ଥିବାରୁ ଚାଷୀଭାଇମାନେ ସିଞ୍ଚନ କାର୍ଯ୍ୟ ପାଇଁ କିଛି ଦିନ ଅପେକ୍ଷା କରନ୍ତୁ । |
| ମକା | ଅଂଗିୟ ଅବସ୍ଥା | • ପ୍ରଚଳିତ ପାଣିପାଗରେ କିଛି ମକା କ୍ଷେତରେ କାଣ୍ଡବିନ୍ଧା ଓ ଫଲ ଆର୍ମି ୱର୍ମ ପୋକର ଆକ୍ରମଣ ଦେଖାଗଲାଣି, ତେଣୁ ଚାଷୀମାନଙ୍କୁ ଏହି ପୋକକୁ ନିୟନ୍ତ୍ରଣ କରିବା ପାଇଁ ପ୍ରତି ଲିଟର ପାଣିରେ କ୍ଲୋରାଣ୍ଟ୍ରାନିଲିପ୍ରୋଲ୍ ୧୮.୫ ଏସ୍.ସି. @ ୦.୪ ମିଲି କିମ୍ବା ଇମାମେକ୍ଟିନ୍ ବେଞ୍ଜୋଏଟ୍ ୫ % ଏସ୍.ଜି. @ ୦.୪ ଗ୍ରାମ ପ୍ରତି ଲିଟର ପାଣିରେ ଭଲ ଭାବରେ ମିଶାଇ ସିଞ୍ଚନ କରନ୍ତୁ ।<br>• ଯଦି ବେଶି ଆବଶ୍ୟକତା ନ ଥାଏ ତେବେ କିଛି ଦିନ ଅପେକ୍ଷା କରିବାକୁ ଓ ବର୍ଷା ଛାଡ଼ିଲା ପରେ ଯଦି ଦରକାର ପଡେ କ୍ଷେତରୁ ଅତିରିକ୍ତ ପାଣି ନିଷ୍କାସନ କରି ସିଞ୍ଚନ କାର୍ଯ୍ୟ କରିବାକୁ ପରାମର୍ଶ ଦିଆଯାଇଅଛି । |
| ଆମ୍ବ | ଅଂଗିୟ ଅବସ୍ଥା (ନୂଆଁ ବଗିଚା) | • ପୂର୍ବ ବର୍ଷାର ସ୍ଥିତି ଏବଂ ଆଗାମୀ ଦିନରେ ହେବାକୁ ଥିବା ବର୍ଷାକୁ ଦୃଷ୍ଟିରେ ରଖି, ଚାଷୀଭାଇମାନଙ୍କୁ ବଗିଚାରୁ ଅତିରିକ୍ତ ବର୍ଷା ପାଣି ନିଷ୍କାସନ କରିବାର ଉଚିତ ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଉଛି ।<br>• କିଛି ଦିନ ପାଇଁ କୌଣସି ପ୍ରକାରର ସିଞ୍ଚନ କାର୍ଯ୍ୟରୁ ଦୂରେଇ ରୁହନ୍ତୁ ।<br>• ବର୍ଷା ଛାଡ଼ିଲା ପରେ ରୋଗ ପୋକ ଆକ୍ରମଣ ବିରୁଦ୍ଧରେ ଗଛର ନିୟମିତ ନିରୀକ୍ଷଣ କରନ୍ତୁ । |
| ବାଇଗଣ, ବିଲାତି ବାଇଗଣ | ଅଂଗିୟ ଅବସ୍ଥା | • ପ୍ରଚଳିତ ପାଗ ଯୋଗୁଁ ଆଗାମୀ ଦିନରେ କବକ ଜନିତ ରୋଗ ଆକ୍ରମଣର ସମ୍ଭାବନା ବୃଦ୍ଧି ହୋଇପାରେ, ତେଣୁ ଏହାର ନିୟମିତ ତଦାରଖ କରିବାକୁ ପରାମର୍ଶ ଦିଆଯାଇଅଛି ।<br>• ଆଗାମୀ ଦିନରେ ମଧ୍ୟମ ବର୍ଷା ହେବାର ସମ୍ଭାବନା ଥିବାରୁ ଚାଷୀଭାଇମାନେ ଯେକୌଣସି ପ୍ରକାରର ସିଞ୍ଚନ କାର୍ଯ୍ୟ ପାଇଁ କିଛି ଦିନ ଅପେକ୍ଷା କରିବା ଉଚିତ ।<br>• ପନିପରିବା ଫସଲରେ ଉପଯୁକ୍ତ ଜଳ ନିଷ୍କାସନ ସୁନିଶ୍ଚିତ କରନ୍ତୁ । |
| ଲଙ୍କା | ଅଂଗିୟ ଅବସ୍ଥା | • ପ୍ରଚଳିତ ପାଗ ଯୋଗୁଁ ଲଙ୍କା ଗଛରେ ବିଭିନ୍ନ ପ୍ରକାର ଶୋଷକ କୀଟ ଯେପରିକି ଜଉ ପୋକ, ଉକୁଣୀଆ ପୋକ ଇତ୍ୟାଦିର ସଂକ୍ରମଣ ଦେଖିବାକୁ ମିଳିପାରେ ତେଣୁ ଏହା ପ୍ରତି ନଜର ରଖିବାକୁ ପରାମର୍ଶ ଦିଆଯାଇଅଛି । ଯଦି ଏହି ପୋକଗୁଡ଼ିକର ପ୍ରାଦୁର୍ଭାବ ଦେଖାଦିଏ ତେବେ ଏହାର ନିୟନ୍ତ୍ରଣ ହେତୁ ଔଷଧର ପ୍ରୟୋଗ ପାଇଁ କିଛି ଦିନ ଅପେକ୍ଷା କରନ୍ତୁ କାରଣ ଆଗକୁ ମଧ୍ୟମ ଧରଣର ବର୍ଷା ହୋଇପାରେ । |
| ଗୋରୁ ଗାଈ ଓ | • ଆସନ୍ତା ସପ୍ତାହରେ ବିଜୁଳି ଘଡ଼ଘଡି ସହ ବର୍ଷା ହେବାର ସମ୍ଭାବନାକୁ ଧ୍ୟାନରେ ରଖି ପଶୁମାନଙ୍କୁ କୌଣସି ପ୍ରକାରର ବୈଦ୍ୟୁତିକ ଉପକରଣଠାରୁ ଦୂରେଇ ରଖନ୍ତୁ ଏବଂ ବାହାରେ ଖୋଲାରେ ନ ବାନ୍ଧି ସୁରକ୍ଷିତ ଆଶ୍ରୟରେ ରଖନ୍ତୁ । ବର୍ଷା ଜଳ ସିଧାସଳଖ ଗୁହାଳ ଭିତରକୁ ନ ପଶିବା ପାଇଁ | |

| | |
|---|---|
| ମଇଷି | ଉଚିତ ବ୍ୟବସ୍ଥା କରନ୍ତୁ । ବର୍ଷା ଛାଡ଼ିଲା ପରେ ମଶା, ମାଛି ଓ ବିଭିନ୍ନ ଅଣୁଜୀବଙ୍କ ସଂଖ୍ୟା ବୃଦ୍ଧି ପାଇପାରେ ତେଣୁ ଗୁହାଳକୁ ସୁଖା ଓ ସଫା ରଖିବାର ଉଚିତ ବ୍ୟବସ୍ଥା କରନ୍ତୁ । |

| | |
|---|---|
| **Ms. Jubuli Sahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. Sanjukta Mohapatra**<br>**ADR cum Nodal Officer**<br>**RRTTS, Chiplima** |

- କୃଷି ରେ ଉତ୍ତମ ଲାଭ ପାଇଁ, **OUAT KALINGA** ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟୁପିଏମ୍, ଟିସୁ କଲଚର ପ୍ଲାଣ୍ଟ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ସ୍କୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତ ଇତ୍ୟାଦି) ବ୍ୟବହାର କରନ୍ତୁ।
- ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ପାଇଁ ମେଘଦୂତ ମୋବାଇଲ ଆପ (https://play.gooogle.com/store/apps/details?id=com.aas.meghdoot) ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ (https://play.google.com/store/apps/details?id=com.lightening.live.damini) ଓ ସ୍ଥାନ ନିର୍ଦ୍ଦିଷ୍ଟ ପୂର୍ବାନୁମାନ ଏବଂ ଚେତାବନୀ ପାଇଁ ମୌସମ ଆପ ର ବ୍ୟବହାର କରିପାରିବେ।